# <u>ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।</u>

ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ ୦ାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଦାଖଲ ହୋଇଥିବା ସମୁଦାୟ ୩୩ଟି ଅଭିଯୋଗରୁ ୨୯ଟି ବ୍ୟକ୍ତିଗତ ଓ ୦୪ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଏହାଛଡା ଦାଖଲ ହୋଇଥିବା ୩୩ ଅଭିଯୋଗ ମଧ୍ୟରୁ ୧୧ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ରେଡକ୍ରସ୍ ତରଫରୁ ଜଣକୁ ୫ ହଜାର ଟଙ୍କା ଚେକ୍ ଆକାରରେ ଚିକିତ୍ସା ସହାୟତା ପ୍ରଦାନ କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ଗ୍ରାମ୍ୟରାସ୍ତା, ଶିକ୍ଷା ବିଭାଗରେ ପଦୋନ୍ନତି ସମ୍ପର୍କିତ ସମସ୍ୟା, ଜମିଜମା ବିବାଦ, ଭୂମିହୀନ, ପାରିବାରିକ କଳହ, ଜବର ଦଖଲ ଓ ପେନସନ୍ ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅନୁଗୋଳ ଆରକ୍ଷୀ ଅଧିକ୍ଷକ ଶ୍ରୀ ସୁଧାଂଶୁ ଶେଖର ମିଶ୍ର, ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଲଳିତ ମୋହନ ବେହେରା, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଞ୍ଜନ ସାହୁ , ଡେପୁଟୀ କଲେକ୍ଟର ମଧୁସ୍ମିତା ବିଶି, ମିନର୍ଭା ନାୟକ ଓ ଶ୍ରୀ ସତ୍ୟାନନ୍ଦ ଦାସଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୩୮୨ ତା.୨୬.୦୬.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

26.6.2023

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ

OPPO Reno7 5G
2023.06.26 14:38


ANGUL
OPPO Reno7 5G
2023.06.26 12:08


ANGUL
OPPO Reno7 5G
2023.06.26 11:55


ANGUL